## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

## District level Joint hearing of public Grivance.

## ୩ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୧୨ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୬୩ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ,ତା.୩୦.୦୭: ଗତକାଲି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି ।ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ମିତ୍ରଭାନୁ ମହାପାତ୍ର ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୫୯ ଟି ଅଭିଯୋଗରୁ ୧୪୩ଟି ବ୍ୟକ୍ତିଗତ ଓ ୧୬ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ସଂପର୍କିତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୨ଜଣଙ୍କୁ ୪୮ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ଜଣଙ୍କୁ ୧୫ହଜାର ଟଙ୍କାର ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା, ଇନ୍ଦିରାଆବାସ, ବିଜୁ ପକ୍କାଘର,ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା, ରାସ୍ତା ନିର୍ମାଣ,ଶିକ୍ଷା,ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଙ୍କୁ ଗୁହାରି କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ପ୍ରତାପ କୁମାର ବେହେରା, ଡେପୁଟୀ କଲେକ୍ଟର ଶ୍ରୀ ବଇଦୁରା ଡିପ୍ ଓ ଆସିଷ୍ଟାଣ୍ଟ କଲେକ୍ଟର ଶ୍ରୀ ଲମ୍ବୋଦର ମାରାଣ୍ଡିଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇ ଥିଲେ ।


Shot on realme 1